ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/I&PR(Od)/1077/02-10-2023**

# ବିଧାନସଭା ପରିସରରେ ଗାନ୍ଧୀ ଜୟନ୍ତୀ ପାଳିତ

ଭୁବନେଶ୍ୱର, ତା.୦୨.୧୦.୨୦୨୩ରିଖ

ଭାରତୀୟ ସ୍ୱାଧୀନତା ସଂଗ୍ରାମର ଅଗ୍ରଦୂତ, ସତ୍ୟ, ଶାନ୍ତି ଓ ଅହିଂସାର ଯୁଗପ୍ରବର୍ତ୍ତକ ଏବଂ ଆମ ସମୟର ସର୍ବଶ୍ରେଷ୍ଠ ଚିନ୍ତାନାୟକ ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ୧୫୪ତମ ରାଜ୍ୟସ୍ତରୀୟ ଜୟନ୍ତୀ ସୂଚନା ଓ ଲୋକସଂପର୍କ ବିଭାଗ ଆନୁକୂଲ୍ୟରେ ପାଳିତ ହୋଇଯାଇଛି । ତାଙ୍କ ମହିମାନ୍ୱିତ ଜୀବନ ଓ କୃତିତ୍ୱ, ଅସାଧାରଣ ଆଦର୍ଶ, ଅତୀତ, ବର୍ତ୍ତମାନ ଓ ଭବିଷ୍ୟତର ଇତିହାସ ପାଇଁ ଅର୍ଥପୂର୍ଣ୍ଣ ଉପାଦାନ ହୋଇ ରହିଛି ଏବଂ ରହିଥିବ ।

ଆଜି ପୂର୍ବାହ୍ନରେ ବିଧାନସଭା ପରିସରରେ ଅନୁଷ୍ଠିତ ଏହି ରାଜ୍ୟସ୍ତରୀୟ ଜୟନ୍ତୀ ଉତ୍ସବରେ ମୁଖ୍ୟ ଅତିଥି ରୂପେ ଓଡ଼ିଶାର ମହାମହିମ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ, ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ ଯୋଗଦେଇ ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ । ବିଧାନସଭାର ବାଚସ୍ପତି ଶ୍ରୀମତୀ ପ୍ରମିଳା ମଲ୍ଲିକ, ଉପବାଚସ୍ପତି ଶ୍ରୀ ରଜନୀକାନ୍ତ ସିଂ, ଅର୍ଥ ମନ୍ତ୍ରୀ ଶ୍ରୀ ବିକ୍ରମ କେଶରୀ ଆରୁଖ, ସଂସଦୀୟ ବ୍ୟାପାର ଓ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଶ୍ରୀ ନିରଞ୍ଜନ ପୂଜାରୀ, ସୂଚନା ଓ ଲୋକସଂପର୍କ, ପଞ୍ଚାୟତିରାଜ ଓ ପାନୀୟ ଜଳ, ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଶ୍ରୀ ପ୍ରଦିପ କୁମାର ଅମାତ, କୃଷି ଓ କୃଷକ ସଶକ୍ତିକରଣ, ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ, ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ, ଉଚ୍ଚଶିକ୍ଷା ମନ୍ତ୍ରୀ ଶ୍ରୀ ଅତନୁ ସବ୍ୟସାଚୀ ନାୟକ, ସରକାରୀ ଦଳ ମୁଖ୍ୟ ସଚେତକ ଶ୍ରୀ ପ୍ରଶାନ୍ତ କୁମାର ମୁଦୁଲି, ବରିଷ୍ଠ ବିଧାୟକ ସର୍ବଶ୍ରୀ ପ୍ରଫୁଲ୍ଲ ସାମଲ, ସୁରେଶ କୁମାର ରାଉତରାୟ, ଅନନ୍ତ ନାରାୟଣ ଜେନା, ଅନନ୍ତ ଦାସ  ପ୍ରମୁଖ ମଧ୍ୟ ଗାନ୍ଧିଜୀଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପାର୍ଘ୍ୟ ଅର୍ପଣ କରିଥିଲେ । ଶାଶ୍ୱତୀ ସାମାଜିକ ଓ ସାଂସ୍କୃତିକ କେନ୍ଦ୍ରର କଳାକାରମାନଙ୍କ ଦ୍ୱାରା ମହାତ୍ମା ଗାନ୍ଧୀଙ୍କ ପ୍ରିୟ ଭଜନ 'ବୈଷ୍ଣବ ଜନ ତୋ' ଏବଂ 'ରଘୁପତି ରାଘବ ରାଜାରାମ' ପରିବେଷଣ ପରିବେଶକୁ ଭାବଗାମ୍ଭୀର କରିଥିଲା ।

ଏହି ଜୟନ୍ତୀ କାର୍ଯ୍ୟକ୍ରମରେ  ଅନ୍ୟମାନଙ୍କ ମଧ୍ୟରେ ସୂଚନା ଓ ଲୋକସଂପର୍କ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ, ବିଧାନସଭା ସଚିବ ଶ୍ରୀ ଦାଶରଥୀ ଶତପଥୀ, ସୂଚନା ଓ ଲୋକସଂପର୍କ ବିଭାଗ ନିର୍ଦ୍ଦେଶକ ଶ୍ରୀ ସରୋଜ କୁମାର ସାମଲ, ବୈଷୟିକ ନିର୍ଦ୍ଦେଶକ ସୁରେନ୍ଦ୍ର କୁମାର ପରିଡ଼ାଙ୍କ ସମେତ ଅନ୍ୟାନ୍ୟ ଅଧିକାରୀମାନେ ଯୋଗଦେଇଥିଲେ । କାର୍ଯ୍ୟକ୍ରମ ପରିଚାଳନାରେ ସୂଚନା ଓ ଲୋକସଂପର୍କ ବିଭାଗ ଅତିରିକ୍ତ ନିର୍ଦ୍ଦେଶକ ସନ୍ତୋଷ କୁମାର ଦାସ, ସ୍ୱତନ୍ତ୍ର କର୍ତ୍ତବ୍ୟରତ ଅଧିକାରୀ ମାନସ ରଞ୍ଜନ ଖୁଣ୍ଟିଆ, ସୂଚନା ଅଧିକାରୀ

ସୁଶ୍ରୀ ପ୍ରମୋଦିନୀ ଟେଟେ  ପ୍ରମୁଖ ସହଯୋଗ କରିଥିଲେ । ସହକାରୀ ନିର୍ଦ୍ଦେଶକ (କ୍ଷେତ୍ର) ସୁଚେତା ପ୍ରିୟଦର୍ଶିନୀ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ ।

ମାନସ ରଞ୍ଜନ ଖୁଣ୍ଟିଆ<br>
ସୂଚନା ଅଧିକାରୀ